**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**13 June – 2024**

# ପ୍ରଧାନମନ୍ତ୍ରୀ-ଶପଥ ଗ୍ରହଣ ଉତ୍ସବ

ରାଜ୍ୟରେ ପ୍ରଥମଥର ଲାଗି ଗତକାଲି ବିଜେପି ସରକାର ଗଠନ କରିବା ଅବସରରେ ନୂତନ ମନ୍ତ୍ରିମଣ୍ଡଳ ଶପଥ ଗ୍ରହଣ ଉତ୍ସବରେ ଯୋଗଦେଇ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏହାକୁ ଏକ ଐତିହାସିକ ଦିନ ଭାବେ ଅଭିହିତ କରିଛନ୍ତି । ସାମାଜିକ ଗଣମାଧ୍ୟମରେ ପୋଷ୍ଟ କରି ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଆଶୀର୍ବାଦ ସହିତ ନୂତନ ସରକାର ଓଡ଼ିଶାର ସାମଗ୍ରିକ ବିକାଶ ଦିଗରେ ସହାୟକ ହେବା ସହ ରାଜ୍ୟବାସୀଙ୍କ ଜୀବନ ମାନରେ ଉନ୍ନତି ଆଣିପାରିବ ବୋଲି ଶ୍ରୀ ମୋଦୀ ଆଶା ବ୍ୟକ୍ତ କରିଛନ୍ତି । ଏହି ଅବସରରେ ପ୍ରଧାନମନ୍ତ୍ରୀ ନୂତନ ମୁଖ୍ୟମନ୍ତ୍ରୀ, ଉପମୁଖ୍ୟମନ୍ତ୍ରୀଙ୍କ ସମେତ ଅନ୍ୟ ମନ୍ତ୍ରୀମାନଙ୍କୁ ମଧ୍ୟ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇଛନ୍ତି ।

# କ୍ୟାବିନେଟ୍ ନିଷ୍ପତ୍ତି

କୃଷିକ୍ଷେତ୍ରର ସର୍ବାଙ୍ଗୀନ ଉନ୍ନତି ସହ ଚାଷୀମାନଙ୍କର ସଶକ୍ତିକରଣ ଲାଗି ରାଜ୍ୟ ସରକାର ଏକ ସମୃଦ୍ଧ କୃଷକ ନୀତି କାର୍ଯ୍ୟକାରୀ କରିବାକୁ ନିଷ୍ପତ୍ତି ନେଇଛନ୍ତି । ଗତକାଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ନୂତନ ମନ୍ତ୍ରିମଣ୍ଡଳର ପ୍ରଥମ କ୍ୟାବିନେଟ୍ ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି । ବୈଠକ ପରେ ମୁଖ୍ୟମନ୍ତ୍ରୀ ଶ୍ରୀ

ମାଝି ଗଣମାଧ୍ୟମକୁ ଏ ସଂପର୍କରେ ସୂଚନା ଦେଇ କହିଛନ୍ତି ଭାରତୀୟ ଜନତା ପାର୍ଟିର ସଂକଳ୍ପ ପତ୍ରକୁ ଗ୍ରହଣ କରି ରାଜ୍ୟ କ୍ୟାବିନେଟ୍ ୪ଟି ପ୍ରସ୍ତାବ ଗ୍ରହଣ କରିଛନ୍ତି । ଏହି ନିଷ୍ପତ୍ତି ଅନୁଯାୟୀ ଚାଷୀମାନଙ୍କୁ ଦିଆଯାଇଥିବା ପ୍ରତିଶ୍ରୁତି ଅନୁଯାୟୀ ଧାନର ସର୍ବନିମ୍ନ ସହାୟକ ମୂଲ୍ୟ କ୍ୱିଣ୍ଟାଲ ପିଛା ୩ ହଜାର ୧ ଶହ ଟଙ୍କାକୁ ବୃଦ୍ଧି କରାଯିବ । ଏଥିଲାଗି ସଂପୃକ୍ତ ବିଭାଗକୁ ନିର୍ଦ୍ଦେଶ ଦିଆଯାଇଛି । ଏହି ନିଷ୍ପତ୍ତି ଆଗାମୀ ୧୦୦ ଦିନ ମଧ୍ୟରେ କାର୍ଯ୍ୟକାରୀ କରାଯିବ ବୋଲି ଶ୍ରୀ ମାଝି କହିଛନ୍ତି ।

ଅନ୍ୟ ଏକ ନିଷ୍ପତ୍ତି ଅନୁଯାୟୀ ମହିଳାମାନଙ୍କୁ ଅଧିକ ସଶକ୍ତ କରିବା ସହିତ ସେମାନଙ୍କ ଆର୍ଥିକ ସ୍ଥିତିରେ ଉନ୍ନତି ଆଣିବା ଲାଗି ରାଜ୍ୟରେ **ସୁଭଦ୍ରା ଯୋଜନା** କାର୍ଯ୍ୟକାରୀ କରିବାକୁ କ୍ୟାବିନେଟ୍ ନିଷ୍ପତ୍ତି ନେଇଛି । ଏହି ଯୋଜନାରେ ମହିଳାମାନଙ୍କୁ ୫୦ ହଜାର ଟଙ୍କାର ଭାଉଚର ଦିଆଯିବ । ଆଗାମୀ ୧୦୦ ଦିନ ମଧ୍ୟରେ ଏହାର ରୂପରେଖ ଓ ମାର୍ଗଦର୍ଶିକା ପ୍ରସ୍ତୁତ କରିବାକୁ ସଂପୃକ୍ତ ବିଭାଗକୁ ନିର୍ଦ୍ଦେଶ ଦିଆଯାଇଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି ।

ପୁରୀ ଶ୍ରୀମନ୍ଦିରର ଉନ୍ନତିକରଣ, ସଂରକ୍ଷଣ, ବିକାଶ ତଥା ଅନ୍ୟାନ୍ୟ ସମସ୍ୟାର ସମାଧାନ ଲାଗି ରାଜ୍ୟ ସରକାର ଖୁବ୍‌ଶୀଘ୍ର ୫୦୦ କୋଟି ଟଙ୍କାର ଏକ କର୍ପସ୍ ପାଣ୍ଠି ଗଠନ କରିବେ । ଏ ସଂପର୍କିତ ଏକ ପ୍ରସ୍ତାବକୁ ରାଜ୍ୟ କ୍ୟାବିନେଟ୍ ମଂଜୁରୀ ପ୍ରଦାନ କରିଛି ।

ସେହିଭଳି ଶ୍ରୀମନ୍ଦିରରେ ଭକ୍ତମାନେ ଶ୍ରୀଜୀଉଙ୍କୁ ଯେଭଳି ଶୃଙ୍ଖଳିତ ଭାବେ ଦର୍ଶନ କରିପାରିବେ, ସେଥିଲାଗି ଆଜିଠାରୁ ଶ୍ରୀମନ୍ଦିରର ଚାରିଦ୍ୱାର ଖୋଲିବାକୁ କ୍ୟାବିନେଟ୍ ନିଷ୍ପତ୍ତି ନେଇଛି । ଭକ୍ତ ଓ ଶ୍ରଦ୍ଧାଳୁଙ୍କୁ ଭାବାବେଗ ଓ ସୁବିଧାକୁ ଦୃଷ୍ଟିରେ ରଖି ରାଜ୍ୟ ମନ୍ତ୍ରିମଣ୍ଡଳର ସଦସ୍ୟମାନଙ୍କ ଉପସ୍ଥିତିରେ ଏହି ଚାରିଦ୍ୱାର ଖୋଲାଯିବ ବୋଲି ମୁଖ୍ୟମନ୍ତ୍ରୀ ଶ୍ରୀ ମାଝି କହିଛନ୍ତି ।

# ଚାରିଦ୍ୱାର

ରାଜ୍ୟ କ୍ୟାବିନେଟ୍‌ର ପ୍ରଥମ ବୈଠକର ନିଷ୍ପତ୍ତି ଅନୁସାରେ ଆଜି ସକାଳେ ଭକ୍ତଙ୍କ ଲାଗି ଶ୍ରୀମନ୍ଦିରର ଚାରିଦ୍ୱାର ଖୋଲାଯାଇଛି ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି, ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ଏବଂ ପ୍ରଭାତୀ ପରିଡ଼ାଙ୍କ ସମେତ ମନ୍ତ୍ରିମଣ୍ଡଳର ଅନ୍ୟ ସଦସ୍ୟମାନଙ୍କ ଉପସ୍ଥିତିରେ ଏହା କାର୍ଯ୍ୟକାରୀ କରାଯାଇଛି । ଭକ୍ତମାନେ ବର୍ତ୍ତମାନ ଚାରିଦ୍ୱାର ଦେଇ ଶ୍ରୀଜୀଉଙ୍କ ଦର୍ଶନ ଲାଗି ଶ୍ରୀମନ୍ଦିର ମଧ୍ୟକୁ ପ୍ରବେଶ କରୁଛନ୍ତି । ମୁଖ୍ୟ ଶାସନ ସଚିବ ଓ ଉନ୍ନୟନ କମିଶନରଙ୍କ ସମେତ ବରିଷ୍ଠ ଅଧିକାରୀମାନେ ସେଠାରେ ଉପସ୍ଥିତ ଅଛନ୍ତି  ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି ।

.....................................................................

# ମକ୍ ଡ୍ରିଲ୍

କଟକ ଜିଲ୍ଲାରେ ଆସନ୍ତା ୧୮ ତାରିଖ ପୂର୍ବାହ୍ନରେ ପ୍ରାକୃତିକ ବିପର୍ଯ୍ୟୟ ବନ୍ୟା ଓ ବାତ୍ୟାର ମୁକାବିଲା ନିମନ୍ତେ ଜିଲ୍ଲାସ୍ତରୀୟ ମକ୍ ଡ୍ରିଲ୍ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ । ଏଥିଲାଗି ଜିଲ୍ଲାପାଳ ଅରିନ୍ଦମ ଡାକୁଆଙ୍କ ଅଧ୍ୟକ୍ଷତାରେ ଗତକାଲି ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରୁ ମିଳିଥିବା ସୂଚନା ଅନୁଯାୟୀ ୧୮ ତାରିଖ ଅପରାହ୍ନରେ ଜିଲ୍ଲାର ସମସ୍ତ ବ୍ଲକରେ ମଧ୍ୟ ଏହି ମକ୍‌ଡ୍ରିଲ୍ ଅନୁଷ୍ଠିତ ହେବ । ଏହାଛଡ଼ା ୧୯ ତାରିଖ ଦିନ ଜିଲ୍ଲାରେ ଥିବା ୨୯ଟି ବହୁମୁଖୀ ବନ୍ୟା ଓ ବାତ୍ୟା ଆଶ୍ରୟସ୍ଥଳୀରେ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ ।

---

# ଶକ୍ତି ଉତ୍ତୋଳନ

ରାଜସ୍ଥାନର ରଙ୍ଗନଗରରେ ଆୟୋଜିତ ଜାତୀୟ ସବ୍‌ଜୁନିୟର ଓ ଜୁନିୟର ଶକ୍ତି ଉତ୍ତୋଳନ ଚମ୍ପିୟାନ୍‌ସିପ୍‌ରେ ଓଡ଼ିଶାକୁ ମୋଟ୍ ୯ଟି ପଦକ ମିଳିଛି । ସେଥିମଧ୍ୟରେ ୩ଟି ସ୍ୱର୍ଣ୍ଣ, ୪ଟି ରୌପ୍ୟ ଓ ୨ଟି ବ୍ରୋଞ୍ଜ ପଦକ ଅନ୍ତର୍ଭୁକ୍ତ । ରାଜ୍ୟ ପକ୍ଷରୁ ସବ୍‌ଜୁନିୟର ବର୍ଗରେ ଆକାଂକ୍ଷା ପରିଡ଼ା, ରୋହିତ ପାତ୍ର ଓ ସୋମେନ୍ ସେନାପତି ସ୍ୱର୍ଣ୍ଣପଦକ ଲାଭ କରିଛନ୍ତି । ରାଜ୍ୟର ୨୪ ଜଣିଆ ଦଳ ଏହି ପ୍ରତିଯୋଗିତାରେ ଭାଗ ନେଇଛନ୍ତି ।

---

# ସନ୍ତରଣ

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମରେ ଚାଲିଥିବା ଜାତୀୟ ସନ୍ତରଣ ର୍ୟାଙ୍କିଙ୍ଗ୍ ଚାମ୍ପିୟାନ୍‌ସିପ୍‌ର ତୃତୀୟ ଦିବସରେ ଓଡ଼ିଶାକୁ ୨ଟି ସ୍ୱର୍ଣ୍ଣ ସମେତ ୫ଟି ପଦକ ମିଳିଛି । ସ୍ରିଷ୍ଟି ଉପାଧ୍ୟାୟ ଓ ମନ୍ନତା ମିଶ୍ର ଏହି ସ୍ୱର୍ଣ୍ଣପଦକ ହାସଲ କରିଛନ୍ତି । ବର୍ତ୍ତମାନ ସୁଦ୍ଧା ଓଡ଼ିଶାକୁ ୫ଟି ସ୍ୱର୍ଣ୍ଣ ସମେତ ମୋଟ୍ ୧୨ଟି ପଦକ ମିଳିଛି ।

.......................................................................